# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
### 31st August - 2025

***********************************

*Desk*

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର 'ମନ୍ କୀ ବାତ୍' କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା 'ମନ୍ କୀ ବାତ୍' କାର୍ଯ୍ୟକ୍ରମର ୧୨୫ତମ ସଂସ୍କରଣ। 'ମନ୍ କୀ ବାତ୍' କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

*Desk*

## ଓଡ଼ିଶା ଅଭିବୃଦ୍ଧି

ଦେଶର ସର୍ବୋତ୍କୃଷ୍ଟ ୫ଟି ବିକଶିତ ରାଜ୍ୟ ମଧ୍ୟରେ ଓଡ଼ିଶାକୁ ସ୍ଥାନିତ କରିବାପାଇଁ ସରକାର ପ୍ରାଥମିକତାର ସହ କାର୍ଯ୍ୟ କରୁଛନ୍ତି ବୋଲି ମୁଖ୍ୟମନ୍ତ୍ରୀ

ମୋହନ ଚରଣ ମାଝୀ କହିଛନ୍ତି । ଇଣ୍ଡିଆନ୍ ଚାମ୍ବର୍ ଅଫ୍ କମର୍ସ ଓ ଲଘୁ ଉଦ୍ୟୋଗ ଭାରତୀ ପକ୍ଷରୁ ଆୟୋଜିତ 'ଓଡ଼ିଶାର ଅଭିବୃଦ୍ଧି ଇଞ୍ଜିନ୍‌କୁ ସଶକ୍ତ କରିବା' ଶୀର୍ଷକ ଆଲୋଚନା ଚକ୍ରରେ ଯୋଗଦେଇ ଶ୍ରୀ ମାଝୀ ଏହା କହିଛନ୍ତି । ଖଣିଜ ସମ୍ପଦର ଉପଯୋଗଦ୍ୱାରା ରାଜ୍ୟକୁ ଶିଳ୍ପସମୃଦ୍ଧ କରିବା ସହ ନିର୍ମାଣ କ୍ଷେତ୍ରରେ ଏକ ପେଣ୍ଠସ୍ଥଳୀରେ ପରିଣତ କରିବାକୁ ପ୍ରୟାସ ଜାରି ରହିଛି । ନୂଆ ସହରାଞ୍ଚଳ, ସୁଲଭ ବାସଗୃହ, ବିଶ୍ୱସ୍ତରୀୟ ଭିତ୍ତିଭୂମି ନିର୍ମାଣ କ୍ଷେତ୍ରରେ ସରକାର ବିଶେଷ ଧ୍ୟାନ ଦେଉଛନ୍ତି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । କାର୍ଯ୍ୟକ୍ରମରେ ଦକ୍ଷତା ବିକାଶ ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ଏମ୍.ଏସ୍.ଏମ୍.ଇ. ତଥା ମତ୍ସ୍ୟ ଓ ପଶୁପାଳନ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ବି.ଜେ.ପି. ରାଜ୍ୟଶାଖା ସଭାପତି ମନମୋହନ ସାମଲ୍ ପ୍ରମୁଖ ଯୋଗ ଦେଇଥିଲେ ।

***Desk***

## ଜନଜାତି ବିକାଶ

ଜନଜାତିଙ୍କ ଆର୍ଥିକ, ସାମାଜିକ ଓ ରାଜନୈତିକ ବିକାଶ ଲାଗି ସରକାର ଗୁରୁତ୍ୱ ପ୍ରଦାନ କରୁଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଭୁବନେଶ୍ୱର ଚନ୍ଦ୍ରଶେଖରପୁରଠାରେ ଓରାଓଁ ସାଂସ୍କୃତିକ ସମାଜ ପକ୍ଷରୁ ଆୟୋଜିତ କରମା ପୂର୍ବସନ୍ଧ୍ୟା କାର୍ଯ୍ୟକ୍ରମରେ ଯୋଗଦେଇ ଶ୍ରୀ ମାଝୀ ଜନଜାତିଙ୍କ କଲ୍ୟାଣ ପାଇଁ ସରକାର ଗ୍ରହଣ କରୁଥିବା ପଦକ୍ଷେପଗୁଡ଼ିକ ଉପରେ ଆଲୋକପାତ କରିଛନ୍ତି । ଓରାଓଁ ସାଂସ୍କୃତିକ ସମାଜ ପାଇଁ ସ୍ଥାୟୀ ଜମିପଟା ପ୍ରଦାନ ଏବଂ ସାଂସ୍କୃତିକ ଉନ୍ନତି ନିମନ୍ତେ ପ୍ରୋତ୍ସାହନ ରାଶି ପ୍ରଦାନ

ସମ୍ପର୍କରେ ମୁଖ୍ୟମନ୍ତ୍ରୀ ଉଲ୍ଲେଖ କରିଛନ୍ତି । କାର୍ଯ୍ୟକ୍ରମରେ କେନ୍ଦ୍ରମନ୍ତ୍ରୀ ଜୁଏଲ୍ ଓରାମ୍ କେନ୍ଦ୍ର ସରକାରଙ୍କ ଆଦିବାସୀ କଲ୍ୟାଣ ପଦକ୍ଷେପଗୁଡ଼ିକ ସମ୍ପର୍କରେ ସୂଚନା ପ୍ରଦାନ କରିଛନ୍ତି ।

***Desk***

## ଚାରାରୋପଣ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୫ତମ ଜନ୍ମଦିବସ ପାଳନ ଅବସରରେ ଆସନ୍ତାମାସ ୧୭ ତାରିଖରେ ରାଜ୍ୟରେ 'ଏକ୍ ପେଡ଼େ୍ ମା' କେ ନାମ' ଅଭିଯାନର ଦ୍ୱିତୀୟ ସଂସ୍କରଣ ଆରମ୍ଭ କରାଯିବ । ସେହିଦିନ ୭୫ ଲକ୍ଷ ଚାରାରୋପଣ କରିବାକୁ ରାଜ୍ୟ ସରକାର ଲକ୍ଷ୍ୟ ରଖିଛନ୍ତି । ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଏହି ନିଷ୍ପତ୍ତି ଗ୍ରହଣ କରାଯାଇଛି । ପରିବେଶ ସଚେତନତା ଓ ସଂରକ୍ଷଣକୁ ପ୍ରୋତ୍ସାହନ ପ୍ରଦାନ କରିବା ଲକ୍ଷ୍ୟ ନେଇ ଆସନ୍ତା ମାସ ଶେଷ ସୁଦ୍ଧା ସାଢ଼େ ୭ କୋଟି ଚାରାରୋପଣର ଲକ୍ଷ୍ୟ ରଖାଯାଇଛି ବୋଲି ଶ୍ରୀ ସାହୁ କହିଛନ୍ତି ।

***Desk***

## କୃଷି ପାଣିପାଗ ବୈଠକ

ରାଜ୍ୟର ଚାଷୀଙ୍କୁ ପାଣିପାଗର ପୂର୍ବ ସୂଚନା, ଏହାର ଆବଶ୍ୟକତା ଏବଂ ଗ୍ରହଣୀୟତା ସମ୍ପର୍କିତ ଏକ ଆଲୋଚନା ବୈଠକ ଗତକାଲି ଭୁବନେଶ୍ୱରସ୍ଥିତ

କୃଷିଭବନଠାରେ ଅନୁଷ୍ଠିତ ହୋଇଯାଇଛି । ନୋବେଲ୍ ପୁରସ୍କାର ବିଜେତା ଚିକାଗୋ ବିଶ୍ୱବିଦ୍ୟାଳୟର ପ୍ରଫେସର ମାଇକେଲ୍ କ୍ରେମରଙ୍କ ସହ ଆସିଥିବା ୧୨ ଜଣିଆ ପ୍ରତିନିଧିମଣ୍ଡଳୀ ଯୋଗ ଦେଇଥିଲେ । କୃଷି ଓ କୃଷକ ସଶକ୍ତୀକରଣ ବିଭାଗ ପ୍ରମୁଖ ଶାସନ ସଚିବ ଡକ୍ଟର ଅରବିନ୍ଦ କୁମାର ପାଢ଼ୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ବୈଠକରେ ପ୍ରଫେସର କ୍ରେମର୍ କୃତ୍ରିମ ବୁଦ୍ଧିମତ୍ତା ଆଧାରିତ ପାଣିପାଗ ପୂର୍ବ ସୂଚନା ପ୍ରଦାନ ଉପରେ ଗୁରୁତ୍ୱ ପ୍ରଦାନ କରିଥିଲେ ।

*Desk*

## ଭିନ୍ନକ୍ଷମ - ବିବାହ ପ୍ରୋତ୍ସାହନ ରାଶି

ରାଜ୍ୟର ଭିନ୍ନକ୍ଷମ ହିତାଧିକାରୀଙ୍କୁ ବିବାହ ପ୍ରୋତ୍ସାହନ ରାଶି ପ୍ରଦାନ ଲକ୍ଷ୍ୟ ନେଇ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ପକ୍ଷରୁ ଏଚ୍.ଡି.ଏଫ୍.ସି. ବ୍ୟାଙ୍କ୍ ସହିତ ଏକ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି । ବିଭାଗୀୟ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କ ଉପସ୍ଥିତିରେ ସ୍ୱାକ୍ଷରିତ ଏହି ବୁଝାମଣାପତ୍ରଦ୍ୱାରା ହିତାଧିକାରୀଙ୍କ ବ୍ୟାଙ୍କ୍ ଖାତାକୁ ସିଧାସଳଖ ୩ଟି କିସ୍ତିରେ ଅଢ଼େଇ ଲକ୍ଷ ଟଙ୍କାର ବିବାହ ପ୍ରୋତ୍ସାହନ ରାଶି ପ୍ରଦାନ କରାଯାଇପାରିବ ।

*Desk*

# ମହାନଦୀ ଜଳବିବାଦ

ମହାନଦୀ ଜଳବିବାଦ ସମସ୍ୟାର ସମାଧାନ ଲକ୍ଷ୍ୟ ନେଇ ଓଡ଼ିଶା ଓ ଛତିଶଗଡ଼ ରାଜ୍ୟରେ ମୁଖ୍ୟ ଶାସନ ସଚିବ ଏବଂ ଜଳସମ୍ପଦ ବିଭାଗୀୟ ଅଧିକାରୀଙ୍କ ମଧ୍ୟରେ ଗତକାଲି ଏକ ଆଲୋଚନା ବୈଠକ ଅନୁଷ୍ଠିତ ହୋଇଯାଇଛି । ଆପୋଷ ବୁଝାମଣା ତଥା ଉଭୟ ରାଜ୍ୟବାସୀଙ୍କ ହିତକୁ ଦୃଷ୍ଟିରେ ରଖି ବୈଠକରେ ଫଳପ୍ରଦ ଆଲୋଚନା ହୋଇଥିବା ଜଣାପଡ଼ିଛି । ଆସନ୍ତା ମାସର ପ୍ରତି ସପ୍ତାହରେ ଇ.ଆଇ.ସି.ଙ୍କ ନେତୃତ୍ୱରେ ଗଠିତ ବୈଷୟିକ କମିଟିଗୁଡ଼ିକର ବୈଠକ ଅନୁଷ୍ଠିତ ହେବ । ମହାନଦୀ ଜଳବଣ୍ଟନ ନେଇ ଦୁଇ ରାଜ୍ୟ ମଧ୍ୟରେ ସମନ୍ୱୟଭିତ୍ତିକ ଏକ ସଂସ୍ଥାଗତ ଢାଞ୍ଚା ପ୍ରସ୍ତୁତ କରିବା ପାଇଁ ଗତକାଲିର ବୈଠକରୁ ସୂଚନା ମିଳିଛି ।

*Desk*

# ଗୋଟିପୁଅ ନୃତ୍ୟ ମହୋତ୍ସବ

ରାଜ୍ୟସ୍ତରୀୟ ଗୋଟିପୁଅ ନୃତ୍ୟ ମହୋତ୍ସବ ଗତକାଲିଠାରୁ ଭୁବନେଶ୍ୱରସ୍ଥିତ ଗୁରୁ କେଳୁଚରଣ ମହାପାତ୍ର ଓଡ଼ିଶୀ ଗବେଷଣା କେନ୍ଦ୍ରଠାରେ ଆରମ୍ଭ ହୋଇଛି । ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଆନୁକୂଲ୍ୟରେ ଓଡ଼ିଶୀ ଗବେଷଣା କେନ୍ଦ୍ର ଏବଂ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ଓ ଲୋକକଳା ସଂଘର ମିଳିତ ସହଯୋଗରେ ଚାଲିଥିବା ଏହି ମହୋତ୍ସବ

ଆସନ୍ତାକାଲି ଉଦ୍‌ଯାପିତ ହେବ । ରାଜ୍ୟର ବିଭିନ୍ନ ଅଞ୍ଚଳର ୨୦ଟି ନୃତ୍ୟଦଳ ଏଥିରେ ଅଂଶଗ୍ରହଣ କରୁଛନ୍ତି ।

*Kandhamal/R*

## ଏଡ୍‌ସ୍ ସଚେତନତା

ଫୁଲବାଣୀସ୍ଥିତ ଜିଲ୍ଲା କାରାଗାରରେ ଏଚ୍.ଆଇ.ଭି. ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ରାଜ୍ୟ ଏଡସ୍ ନିୟନ୍ତ୍ରଣ ସମିତି ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମକୁ ଏଡ୍‌ସ୍ ରୋଗର କାରଣ, ନିରାକରଣ ଏବଂ ଭୟାବହତା ସମ୍ପର୍କରେ ଜେଲ୍ ଅନ୍ତେବାସୀଙ୍କୁ ସଚେତନ କରାଯାଇଛି । ୧୧୦ ଜଣ ଅନ୍ତେବାସୀଙ୍କ ରକ୍ତ ନମୁନା ପରୀକ୍ଷା କରାଯାଇଛି ।

*Malkangiri/R*

## ସ୍ୱାସ୍ଥ୍ୟ ଭିତ୍ତିଭୂମି ସମୀକ୍ଷା

ମାଲକାନଗିରି ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ ଗତକାଲି ପଡ଼ିଆ ବ୍ଲକ୍ ଗସ୍ତ କରି ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି । ପଡ଼ିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରିବା ସହ ସ୍ୱାସ୍ଥ୍ୟ ଭିତ୍ତିଭୂମି ସମ୍ପର୍କରେ ବିଭାଗୀୟ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି । ନିର୍ଦ୍ଦିଷ୍ଟ ସମୟସୀମା ସୁଦ୍ଧା ସମସ୍ତ କାର୍ଯ୍ୟ ଶେଷ କରିବାକୁ ସେ ନିର୍ଦ୍ଦେଶ ଦେଇଛନ୍ତି ।

*Nuapada/R*

# ସାହିତ୍ୟ ସଂସଦ ବୈଠକ

ନୂଆପଡ଼ା ଜିଲ୍ଲା କୋମନାସ୍ଥିତ ଶ୍ରୀଜଗନ୍ନାଥ ମନ୍ଦିର ପ୍ରାଙ୍ଗଣରେ କୋମନା ସାହିତ୍ୟ ସଂସଦର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଏଥିରେ ସଂସଦର କାର୍ଯ୍ୟକର୍ତ୍ତା ନିର୍ବାଚନ ସହ ସଂସଦର ଭବିଷ୍ୟତ କାର୍ଯ୍ୟପନ୍ଥା ନେଇ ଆଲୋଚନା ହୋଇଛି ।

*****